# GOVERNMENT COLLEGE OF ENGINEERING, KEONJHAR

*( A Constituent College of BPUT, Odisha)*
*At : Jamunalia, P.O.: Old Town, Dist., Keonjhar, Pin: 758002 (Odisha)*
**Tel:06766-213180 (O)/ Web:** www.gcekjr.ac.in

NOTICE No. 584 Dt. 30.05.20

As per Notification No. 2166 dt. 29.05.20 of SD&TE Deptt., Govt. of Odisha all the faculty members, staff & students of Government College of Engineering, Keonjhar are hereby informed to chant the Anthem of Odisha " Vande Utkal Janani" positively at 5.30PM on 30.05.20 (Saturday) where ever they are at that time, for honouring the Corona warriors and respect their sacrifice, who are involving themselves to fight against Corona pandemic and a symbol of pride and commitment to the cause.

This event must be observed by maintaining appropriate social distancing and related protocols.

All are requested to make a video of the observance and send the same to the College website for onward transmission to the Govt.

30/05/20

Principal
Government College of Engineering,
Keonjhar

C.C. :

to the Institution Notice Board/ Circulation among all faculty/staff members/ College website for information and necessary action.

ଓଡ଼ିଶା ସରକାର

# ବନ୍ଦେ ଉତ୍କଳ ଜନନୀ

ବନ୍ଦେ ଉତ୍କଳ ଜନନୀ
ଚାରୁ ହାସମୟୀ ଚାରୁ ଭାଷମୟୀ,
ଜନନୀ, ଜନନୀ, ଜନନୀ ।

ପୂତ-ପୟୋଧି-ବିଧୌତ-ଶରୀରା,
ତାଳତମାଳ-ସୁଶୋଭିତ-ତୀରା,
ଶୁଭ୍ରତଟିନୀକୂଳ-ଶୀକର-ସମୀରା
ଜନନୀ, ଜନନୀ, ଜନନୀ ।

ଘନ ଘନ ବନଭୂମି ରାଜିତ ଅଙ୍ଗେ,
ନୀଳ ଭୂଧରମାଳା ସାଜେ ତରଙ୍ଗେ,
କଳ କଳ ମୁଖରିତ ଚାରୁ ବିହଙ୍ଗେ
ଜନନୀ, ଜନନୀ, ଜନନୀ ।

ସୁନ୍ଦରଶାଳି-ସୁଶୋଭିତ-କ୍ଷେତ୍ରା,
ଜ୍ଞାନବିଜ୍ଞାନ-ପ୍ରଦର୍ଶିତ-ନେତ୍ରା,
ଯୋଗୀଋଷିଗଣ-ଉଟଜ-ପବିତ୍ରା
ଜନନୀ, ଜନନୀ, ଜନନୀ ।

ସୁନ୍ଦର ମନ୍ଦିର ମଣ୍ଡିତ-ଦେଶା,
ଚାରୁକଳାବଳି-ଶୋଭିତ-ବେଶା,
ପୁଣ୍ୟ ତୀର୍ଥଚୟ-ପୂର୍ଣ୍ଣ-ପ୍ରଦେଶା
ଜନନୀ, ଜନନୀ, ଜନନୀ ।

ଉତ୍କଳ ସୁରବର-ଦର୍ପିତ-ଗେହା,
ଅରିକୁଳ-ଶୋଣିତ-ଚର୍ଚ୍ଚିତ-ଦେହା,
ବିଶ୍ୱଭୂମଣ୍ଡଳ - କୃତବର-ସ୍ନେହା
ଜନନୀ, ଜନନୀ, ଜନନୀ ।

କବିକୁଳମୌଳି ସୁନନ୍ଦନ-ବନ୍ଦ୍ୟା
ଭୁବନବିଘୋଷିତ-କୀର୍ତ୍ତିଅନିନ୍ଦ୍ୟା,
ଧନ୍ୟେ, ପୁଣ୍ୟେ ଚିରଶରଣ୍ୟେ
ଜନନୀ, ଜନନୀ, ଜନନୀ ।



## ନିବେଦନ

‘‘ଓଡ଼ିଶା ମାଟି ସହ ସମ୍ପର୍କ ଥିବା ସମସ୍ତଙ୍କୁ ଆମର ସାଢ଼େ ଚାରିକୋଟି ଓଡ଼ିଆ ଭାଇଭଉଣୀଙ୍କୁ ମୁଁ ଅନୁରୋଧ କରୁଛି ଯେ ମଇ ୩୦ ତାରିଖ ଶନିବାର ସନ୍ଧ୍ୟା ୫.୩୦ ମିନିଟ୍ ସମୟରେ ଆପଣମାନେ ଦୁନିଆରେ ଯେଉଁଠାରେ ବି ଥାଆନ୍ତୁ, ସମସ୍ତେ ସାମାଜିକ ଦୂରତା ରକ୍ଷା କରି ‘‘ବନ୍ଦେ ଉତ୍କଳ ଜନନୀ’’ ସଙ୍ଗୀତ ଗାନ କରନ୍ତୁ । ଏହାର ଉଦ୍ଦେଶ୍ୟ ହେଉଛି ଆମର କୋଭିଡ ଯୋଦ୍ଧାମାନଙ୍କୁ ଉତ୍ସାହିତ କରିବା ଓ ସେମାନଙ୍କ ତ୍ୟାଗକୁ ସମ୍ମାନ ଜଣାଇବା ।’’

ବନ୍ଦେ ଉତ୍କଳ ଜନନୀ

ନବୀନ ପଟ୍ଟନାୟକ
ମୁଖ୍ୟମନ୍ତ୍ରୀ